ପ୍ରେସ୍ ନୋଟ୍ ।

## ଆଜି ଅନୁଗୋଳରୁ ୧୦ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ପହଞ୍ଚିଲା ୩୯୫ରେ ।

ଅନୁଗୋଳ,ତା.୬.୮ :- ଆଜି ଅନୁଗୋଳ ଜିଲ୍ଲାରୁ ୧୦ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ବଅଁରପାଳ ବ୍ଲକ ଅଂଚଳରୁ ୫ ଜଣ,କଣିହାଁ ବ୍ଲକ୍ ଅଂଚଳରୁ ୩ ଜଣ ଓ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ ଜଣ ଚିହ୍ନଟ ହୋଇଛନ୍ତି ।

ବଅଁରପାଳ ବ୍ଲକ୍ ଅଂଚଳର ଏକ ଶିଳ୍ପ ସଂସ୍ଥାରୁ ୫ ଜଣଂକ ମଧ୍ୟରେ ୪ ଜଣ ପୁରୁଷ ଯାହାଂକ ବୟସ ଯଥାକ୍ରମେ ୩୦,୩୩,୩୭ ଓ ୬୩ ବର୍ଷ ଏବଂ ଜଣେ ମହିଳାଂକ ବୟସ ୨୫ ବର୍ଷ । ଏମାନଂକ ମଧ୍ୟରୁ ୩୭ ବର୍ଷୀୟ ପୁରୁଷ ଏବଂ ୨୫ ବର୍ଷୀୟା ମହିଳା ପଶ୍ଚିମବଙ୍ଗରୁ ଫେରି ହୋମ କ୍ୱାରାଣ୍ଟାଇନ୍‌ରେ ଥିଲେ । ୩୦,୩୩ ଓ ୬୩ ବର୍ଷୀୟ ପୁରୁଷ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ଚିହ୍ନଟ ହୋଇଛନ୍ତି ।

କଣିହାଁ ବ୍ଲକ୍ ଅଂଚଳର ଏକ ଶିଳ୍ପାଂଚଳର ୩ ଜଣଂକ ମଧ୍ୟରୁ ୨ ଜଣ ପୁରୁଷ ବୟସ ଯଥାକ୍ରମେ ୩୨ ଓ ୨୯ ବର୍ଷ ଏବଂ ଜଣେ ମହିଳାଂକ ବୟସ ୨୬ ବର୍ଷ ଅଟେ । ଏମାନେ ସମସ୍ତେ ତେଲେଙ୍ଗାନାରୁ ଫେରି ହୋମ କ୍ୱାରାଣ୍ଟାଇନ୍‌ରେ ଥିବା ଅବସ୍ଥାରେ ପଜିଟିଭ ଚିହ୍ନଟ ହୋଇଛନ୍ତି ।

ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ ଜଣ କରୋନା ପଜିଟିଭଙ୍କ ମଧ୍ୟରେ ଜଣେ ୪୫ ବର୍ଷୀୟ ପୁରୁଷ କେଉଁଝରରୁ ଫେରିଥିବା ବେଳେ ଅନ୍ୟ ଜଣେ ୭୫ ବର୍ଷୀୟ ପୁରୁଷ ଭୁବନେଶ୍ୱର ସ୍ଥିତ ଏକ ଘରୋଇ ଚିକିତ୍ସାଳୟର କୋଭିଡ ହସପିଟାଲରେ ଚିକିତ୍ସିତ ହେବା ପରେ ସୁସ୍ଥ ହୋଇ ନିଜ ଘରେ Isolation ରେ ରହିଛନ୍ତି । ୯ ଜଣ ଆକ୍ରାନ୍ତଂକୁ ଆଜି ଚିକିତ୍ସା ନିମନ୍ତେ ତାଳଚେର କୋଭିଡ ହସପିଟାଲକୁ ସ୍ଥାନାନ୍ତର କରାଯାଇଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଇତି ମଧ୍ୟରେ ୬ଜଣ ସୁସ୍ଥ ହୋଇଛନ୍ତି । ପୂର୍ବରୁ ସୁସ୍ଥ ହୋଇଥିବା ୨୬୧ ଜଣଙ୍କୁ ମିଶାଇ ସୁସ୍ଥଙ୍କ ସଂଖ୍ୟା ୨୬୭ ରେ ପହଂଚିଲାଣି ।